ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1371/02-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୨ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ଆର୍ଥିକ ସ୍ୱଚ୍ଛତାକୁ ସୁନିଶ୍ଚିତ କରିବା ଉଦ୍ଦେଶ୍ୟରେ ସାର୍ବଜନୀନ ଆର୍ଥିକ ପରିଚାଳନାରେ ସଂସ୍କାରକୁ ଜାରି ରଖି ଓଡ଼ିଶା ବଜେଟ ୨୦୨୧ ଆର୍ଥିକ ଆହ୍ୱାନ ବିବରଣୀ ଜାରି କରିଛି । ଦୀର୍ଘସୂତ୍ରୀ ଅର୍ଥନୀତି, ସାଧାରଣ ଋଣ ଓ ସରକାରୀ ଉଦ୍ୟୋଗ, ପ୍ରାକୃତିକ ବିପର୍ଯ୍ୟୟ ବର୍ଗ ଅଧୀନସ୍ଥ ଆହ୍ୱାନଗୁଡ଼ିକୁ ଚିହ୍ନଟ କରିବା ସହ ପ୍ରତିଷେଧକମୂଳକ ପଦକ୍ଷେପ ଗ୍ରହଣ କରାଯାଇଛି ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଆ ଜାତିର ପ୍ରଥା–ପରମ୍ପରା, ଧର୍ମ–ଆଧ୍ୟାତ୍ମିକତା, ଐତିହ୍ୟ–ଇତିହାସ, ଆସ୍ଥା–ବିଶ୍ୱାସ ସବୁକିଛି ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସହ ଜଡ଼ିତ । ପୁରୀକୁ ବିଶ୍ୱସ୍ତରୀୟ କରିବା ଲକ୍ଷ୍ୟରେ ପ୍ରସ୍ତୁତ ‘ଶ୍ରୀମନ୍ଦିର ପରିକ୍ରମା’ ଯୋଜନା ଦ୍ୱାରା ମନ୍ଦିରର ବାହ୍ୟ ସୌନ୍ଦର୍ଯ୍ୟ ସହ ଅନ୍ତଃସୌନ୍ଦର୍ଯ୍ୟର ପରିସ୍ଫୁଟନ ଶ୍ରଦ୍ଧାଳୁଙ୍କୁ ବିମୁଗ୍ଧ କରିବ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୩,୬୦,୧୪୫ ଟି ନମୁନା କୋଭିଡ୍–୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୩୫୧ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୬୪୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୭ ଜଣ କୋଭିଡ୍–୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୩୪ ରହିଛି ।
- ୭୩୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ

**‘ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ’**

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'